# REGIONAL NEWS UNIT, AIR CUTTACK

**Morning Bulletin (7.05 AM)**

**11 November – 2025**

## ନୂଆପଡ଼ା ଉପନିର୍ବାଚନ

ନୂଆପଡ଼ା ବିଧାନସଭା ଉପନିର୍ବାଚନ ପାଇଁ ଆଜି ସକାଳ ୭ଟାରୁ ମତଦାନ ଆରମ୍ଭ ହୋଇଛି। ସୁନାବେଡାରେ ଥିବା ୮ଟି ସମ୍ବେଦନଶୀଳ ବୁଥ୍‌ରେ ଅପରାହ୍ଣ ୪ଟା ପର୍ଯ୍ୟନ୍ତ ମତଦାନ ଚାଲିବାକୁ ଥିବାବେଳେ ଅନ୍ୟ ସମସ୍ତ ସ୍ଥାନରେ ସଂଧ୍ୟା ୫ଟା ପର୍ଯ୍ୟନ୍ତ ଭୋଟ୍‌ଗ୍ରହଣ ଜାରି ରହିବ ବୋଲି ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଆର୍‌.ଏସ୍‌.ଗୋପାଳନ କହିଛନ୍ତି । ନୂଆପଡ଼ା ଉପନିର୍ବାଚନ ପାଇଁ ୩୫୮ଟି ମତଦାନ କେନ୍ଦ୍ର କରାଯାଇଛି । ଉପନିର୍ବାଚନରେ ୨ଲକ୍ଷ ୫୪ହଜାର ୪୯୭ଜଣ ମତଦାତା ନିଜର ମତାଧିକାର ସାବ୍ୟସ୍ତ କରୁଛନ୍ତି । ଏ ସମ୍ପର୍କରେ ନୂଆପଡାରୁ ଆମ ସମ୍ବାଦଦାତାଙ୍କ ରିପୋର୍ଟ...

**V/O**

## ବିହାର ନିର୍ବାଚନ

ବିହାର ବିଧାନସଭାର ଦ୍ୱିତୀୟ ତଥା ଅନ୍ତିମ ପର୍ଯ୍ୟାୟ ନିର୍ବାଚନ ପାଇଁ ଆଜି ଭୋଟ୍‌ଗ୍ରହଣ ହେଉଛି । ଏହି ପର୍ଯ୍ୟାୟରେ ୨୦ଟି ଜିଲ୍ଲାର ୧୨୨ଟି ଆସନ ପାଇଁ ମତଦାନ ହେଉଛି । ପ୍ରଥମ ପର୍ଯ୍ୟାୟରେ ବିହାରରେ ୬୪ ଦଶମିକ ୬/୬ ପ୍ରତିଶତ ମତଦାନ ହୋଇଥିଲା ।

# ଶୀତକାଳୀନ ଅଧିବେଶନ

ଓଡ଼ିଶା ବିଧାନସଭାର ଶୀତକାଳୀନ ଅଧିବେଶନ ଆସନ୍ତା ୨୭ ତାରିଖରୁ ଆରମ୍ଭ ହେବ । ଅଧିବେଶନର ପ୍ରଥମ ଦିନରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଉଦ୍‌ବୋଧନ ଦେବାର କାର୍ଯ୍ୟସୂଚୀ ରହିଥିବା ଓଡ଼ିଶା ବିଧାନସଭା ସଚିବଙ୍କ କାର୍ଯ୍ୟାଳୟ ପକ୍ଷରୁ ସୂଚନା ଦିଆଯାଇଛି । ଆସନ୍ତା ୨୮ ତାରିଖରେ ୨୦୨୫-୨୬ ଆର୍ଥିକ ବର୍ଷ ଲାଗି ଅତିରିକ୍ତ ବଜେଟ୍ ଉପସ୍ଥାପନ ହେବ । ଡିସେମ୍ବର ମାସ ୩୧ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଅଧିବେଶନରେ ୨୯ଟି କାର୍ଯ୍ୟଦିବସ ରହିଛି ।

# ପୁଲିସ ମହାନିର୍ଦ୍ଦେଶକ-ବୈଠକ

ଦିଲ୍ଲୀ ଲାଲକିଲ୍ଲା ନିକଟରେ ଘଟିଥିବା ବିସ୍ଫୋରଣରେ ୮ଜଣଙ୍କ ମୃତ୍ୟୁ ଘଟଣାରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶୋକବ୍ୟକ୍ତ କରିଛନ୍ତି । ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା ଘଟଣାସ୍ଥଳରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଛନ୍ତି । ଏହି ବିସ୍ଫୋରଣ ପରେ ଦେଶର ବିଭିନ୍ନ ସ୍ଥାନରେ ହାଇଆଲର୍ଟ ଜାରି କରାଯାଇଛି ।

କଟକସ୍ଥିତ ରାଜ୍ୟ ପୁଲିସ ମୁଖ୍ୟାଳୟରେ ପୁଲିସ ମହାନିର୍ଦ୍ଦେଶକ ଯୋଗେଶ ବାହାଦୂର ଖୁରାନିଆଙ୍କ ଅଧ୍ୟକ୍ଷତାରେ ଏକ ଉଚ୍ଚସ୍ତରୀୟ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ରାଜ୍ୟର ସୁରକ୍ଷା

ବ୍ୟବସ୍ଥାକୁ ଆହୁରି ସୁଦୃଢ଼ କରିବା ସହ କୌଣସି ପ୍ରକାରର ପରିସ୍ଥିତିର ମୁକାବିଲା ପାଇଁ ପ୍ରସ୍ତୁତ ରହିବାକୁ ଶ୍ରୀ ଖୁରାନିଆ ବରିଷ୍ଠ ପୁଲିସ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

**V/O**

## ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

ମାଲକାନଗିରି ଜିଲ୍ଲା ପାପୁଲୁର ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ ପରିସରରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ସାମାଜିକ ସୁରକ୍ଷା ବିଭାଗ ଦ୍ୱାରା ଆୟୋଜିତ ଶିବିରରେ ପ୍ରଶାସନିକ ଅଧିକାରୀମାନେ ଯୋଗଦେଇ ଶିବିରର ଉଦ୍ଦେଶ୍ୟ ସମ୍ପର୍କରେ ଆଲୋଚନା କରିବା ସହ ୮ଟି ପଞ୍ଚାୟତର ଦିବ୍ୟାଙ୍ଗମାନଙ୍କ ପରୀକ୍ଷାନିରୀକ୍ଷା କରାଯାଇଛି ।

## ପ୍ରସ୍ତୁତି ବୈଠକ

ଜନଜାତୀୟ ଗୌରବ ଦିବସ ପାଳନ ନେଇ ନବରଙ୍ଗପୁରଠାରେ ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ବିଭିନ୍ନ ବିଭାଗର ଅଧିକାରୀମାନେ ବିଭାଗୀୟ ମଣ୍ଡପ ସ୍ଥାପନ ସହ ସଫଳ ଜନଜାତି ବ୍ୟକ୍ତିଙ୍କୁ ସମ୍ମାନିତ କରିବା, ସଚେତନତା ଓ ସାଂସ୍କୃତିକ କାର୍ଯ୍ୟକ୍ରମ ସମ୍ପର୍କରେ ଆଲୋଚନା କରାଯାଇଥିଲା ।

# କୃଷି ଅଧିକାରୀ-ପରିଦର୍ଶନ

ଭଦ୍ରକ ଜିଲ୍ଲା ବାସୁଦେବପୁର ବ୍ଲକର ୭ଟି ପଞ୍ଚାୟତରେ ଧାନକ୍ଷେତରେ ରୋଗପୋକ ଦେଖାଦେଇଥିବାରୁ କୃଷି ଅଧିକାରୀ ଓ କର୍ମଚାରୀ କ୍ଷେତ୍ର ପରିଦର୍ଶନ କରିଛନ୍ତି । ଚାଷୀମାନଙ୍କ ସହ ଆଲୋଚନା କରି କୀଟନାଶକ ପ୍ରୟୋଗ କରିବାକୁ କୃଷି ଅଧିକାରୀ ପରାମର୍ଶ ଦେଇଛନ୍ତି ।

## ଜାତୀୟ ଶିକ୍ଷା ଦିବସ

ସ୍ୱାଧୀନ ଭାରତର ପ୍ରଥମ ଶିକ୍ଷାମନ୍ତ୍ରୀ ମୌଲାନା ଅବୁଲ୍ କଲାମ୍ ଆଜାଦ୍‌ଙ୍କ ଜନ୍ମଦିନ ସ୍ମୃତିରେ ପ୍ରତିବର୍ଷ ନଭେମ୍ବର ମାସ ୧୧ ତାରିଖକୁ ଜାତୀୟ ଶିକ୍ଷା ଦିବସ ଭାବେ ପାଳନ କରାଯାଉଛି । ଚଳିତବର୍ଷ 'କୃତ୍ରିମ ବୁଦ୍ଧିମତା ଏବଂ ଶିକ୍ଷା, ସ୍ୱୟଂଚାଳିତ ବିଶ୍ୱରେ ମାନବ ସଂଗଠନର ସଂରକ୍ଷଣ'ର ବାର୍ତ୍ତା ନେଇ ଏହି ଦିବସ ପାଳନ କରାଯାଉଛି । ଶିକ୍ଷାମନ୍ତ୍ରୀ ଥିବା ସମୟରେ ସ୍ୱର୍ଗତ ଆଜାଦ ଜାତୀୟ ଶିକ୍ଷାନୀତି ପ୍ରଣୟନ କରିଥିଲେ । ବୈଷୟିକ ଶିକ୍ଷାକ୍ଷେତ୍ରରେ ଆଇ.ଆଇ.ଟି.ଗୁଡ଼ିକ ସ୍ଥାପନପାଇଁ ମୌଲାନା ଅବୁଲ୍ କଲାମ୍ ଆଜାଦ୍ ଚିରସ୍ମରଣୀୟ ହୋଇ ରହିବେ ।

## ଶୀତ

ରାଜ୍ୟରେ ଧୀରେ ଧୀରେ ଶୀତର ପ୍ରଭାବ ବୃଦ୍ଧି ପାଇବା ସହ ବିଭିନ୍ନ ସ୍ଥାନରେ ଘନ କୁହୁଡି ପରିଲକ୍ଷିତ ହେଉଛି । ଆଗାମୀ ୨ଦିନ ମଧ୍ୟରେ ରାଜ୍ୟରେ ତାପମାତ୍ରା ୨ରୁ ୩ ଡିଗ୍ରୀ ସେଲସିୟସ ପର୍ଯ୍ୟନ୍ତ ହ୍ରାସ ପାଇବା ସହ ଶୀତ ବୃଦ୍ଧି ପାଇବା ନେଇ ଆଞ୍ଚଳିକ ପାଣିପାଗ କେନ୍ଦ୍ର ଅନୁମାନ

କରିଛି । ଗତ ୨୪ ଘଣ୍ଟା ମଧ୍ୟରେ ରାଜ୍ୟର ୧୩ଟି ସହରର ତାପମାତ୍ରା ୧୫ ଡିଗ୍ରୀ ସେଲସିୟସ ତଳେ ରେକର୍ଡ ହୋଇଥିଲା । ଫୁଲବାଣୀରେ ସର୍ବନିମ୍ନ ତାପମାତ୍ରା ୧୧ଡିଗ୍ରୀ ସେଲସିୟସ ରହିଥିଲା ।

## ରଣଜୀ ମ୍ୟାଚ୍

ନାଗପୁରରେ ଚାଲିଥିବା ରଣଜୀ ଟ୍ରଫି ଏଲିଟ୍ ଗ୍ରୁପ୍-ଏ କ୍ରିକେଟ୍ ମ୍ୟାଚ୍ର ତୃତୀୟ ଦିବସରେ ବିଦର୍ଭ ଓଡ଼ିଶା ସମ୍ମୁଖରେ ୩୪୫ରନ୍ର ବିଜୟଲକ୍ଷ୍ୟ ଧାର୍ଯ୍ୟ କରିଛି । ଦ୍ୱିତୀୟ ଇନିଂସ୍ରେ ଓଡ଼ିଶା କୌଣସି ଓ୍ୱିକେଟ୍ ନ ହରାଇ ୪୪ରନ୍ ସଂଗ୍ରହ କରିଛି । ଆଜି ଅନ୍ତିମ ଦିବସରେ ବିଜୟ ପାଇଁ ଓଡ଼ିଶାକୁ ଆଉ ୩୦୧ ରନ୍ର ଆବଶ୍ୟକତା ରହିଛି ।